# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**19 July - 2024**

**News Editor : Tapan Kumar Moharana**

**********************************

## ମୁଖ୍ୟ ସମ୍ବାଦ

- ପୁରୀରେ ନବଦିନାତ୍ମକ ଯାତ୍ରା ଶେଷ କରି ଆଜି ନୀଳାଦ୍ରି ବିଜେ କରିବେ ମହାପ୍ରଭୁ
- ବିଧାନସଭା ଅଧିବେଶନ ପୂର୍ବରୁ ଆସନ୍ତା ରବିବାର ଅନୁଷ୍ଠିତ ହେବ ସର୍ବଦଳୀୟ ବୈଠକ
- ପୁରୀରେ ଆରମ୍ଭ ହେଲା ରାଜ୍ୟ ବିଜେପିର କାର୍ଯ୍ୟକାରିଣୀ ବୈଠକ

ଏବଂ

- ବଙ୍ଗୋପସାଗରରେ ସୃଷ୍ଟ ସୁଦୃଶ୍ୟ ଲଘୁଚାପ ଅବପାତରେ ପରିଣତ; ଅତି ପ୍ରବଳ ବର୍ଷା ହେବା ନେଇ ୪ଟି ଜିଲ୍ଲାକୁ ସତର୍କ ସୂଚନା

# ନୀଳାଦ୍ରି ବିଜେ

ପୁରୀରେ ନବଦିନାତ୍ମକ ଯାତ୍ରା ଶେଷ କରି ଆଜି ରତ୍ନସିଂହାସନକୁ ବାହୁଡ଼ିବେ ମହାପ୍ରଭୁ । ଘୋଷଯାତ୍ରାର ଅନ୍ତିମ ଦିବସରେ ଆଜି ମହାପ୍ରଭୁ ନିଳାଦ୍ରୀ ବିଜେ କରିବେ । ସକାଳୁ ରଥ ଉପରେ ଦୈନ୍ୟନ୍ଦିନ ନୀତିକାନ୍ତି କରାଯାଇଥିବାବେଳେ ସନ୍ଧ୍ୟାଧୂପ ନୀତି ଶେଷ ହୋଇ ତିନି ରଥରେ ଚାରମାଳ ବନ୍ଧା ଯାଉଛି । ପରେ ପୁଷ୍ପାଞ୍ଜଳି ହୋଇ ପହଣ୍ଡି ନୀତି କରାଯିବ। ଗୋଟି ପହଣ୍ଡିରେ ପ୍ରଥମେ ମଦନମୋହନ ଓ ରାମକୃଷ୍ଣ ବିଜେ କରିବେ । ପରେ ସୁଦର୍ଶନ ମହାପ୍ରଭୁଙ୍କୁ ରତ୍ନବେଦୀକୁ ପହଣ୍ଡି କରାଯିବ। ସୁଦର୍ଶନଙ୍କ ପହଣ୍ଡି ପରେ ବଡ଼ ଭାଇ ବଳଭଦ୍ର ଓ ତା' ପରେ ମା' ସୁଭଦ୍ରାଙ୍କ ପହଣ୍ଡି କରାଯିବ । ଶେଷରେ ଜଗନ୍ନାଥ ମହାପ୍ରଭୁ ଗୋଟି ପହଣ୍ଡିରେ ବିଜେ କରିବେ। ତେବେ ମହାପ୍ରଭୁ ଆଜି ମହାଲକ୍ଷ୍ମୀଙ୍କ ମାନଭଞ୍ଜନ ନେଇ ରସଗୋଲା ପ୍ରଦାନ କରିଥିବା ନେଇ କିମ୍ବଦନ୍ତୀ ରହିଛି। ପୁରୀରେ ରଥାରୂଢ଼ ମହାପ୍ରଭୁଙ୍କ ଦର୍ଶନ ପାଇଁ ପ୍ରବଳ ଜନସମାଗମ ଲାଗି ରହିଛି। ପୁଲିସ୍ ପ୍ରଶାସନ ପକ୍ଷରୁ ଶାନ୍ତି ଶୃଙ୍ଖଳା ରକ୍ଷା ପାଇଁ କଡା ସୁରକ୍ଷା ବ୍ୟବସ୍ଥା କରାଯାଇଛି ।

# ନୀଳାଦ୍ରି ବିଜେ-ପାତାଳି ଶ୍ରୀକ୍ଷେତ୍ର

**ସୁବର୍ଣ୍ଣପୁର** ଜିଲ୍ଲାର କୋଟସମଲାଇସ୍ଥିତ ପାତାଳି ଶ୍ରୀକ୍ଷେତ୍ରରେ ଆଜି ନୀଳାଦ୍ରି ବିଜେ ଅନୁଷ୍ଠିତ ହେଉଛି। ତିନିଠାକୁର ଶ୍ରୀମନ୍ଦିରକୁ ଗମ୍ଭୀରି ବିଜେ କରୁଛନ୍ତି। ତ୍ରିକୂଟ ପାହାଡର ପାଦଦେଶରୁ ତିନିଠାକୁରଙ୍କୁ ଛଳିଆଶିଖର ନିତ୍ୟମଣ୍ଡପ ଉପରକୁ ଗୋଟିପହଣ୍ଡିରେ ୧୦୮ ପାହାଚ ଦେଇ ନିଆଯାଉଛି। ଏହାକୁ ଦେଖିବା ପାଇଁ ଅନେକ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଛି ।

**ଗଜପତି** ଜିଲ୍ଲା ପାରଳାଖେମୁଣ୍ଡିଠାରେ ଚତୁର୍ଦ୍ଧାମୂର୍ତ୍ତିଙ୍କ ନୀଳାଦ୍ରି ବିଜେ ଶାନ୍ତିଶୃଙ୍ଖଳାର ସହ ଶେଷ ହୋଇଛି ।

## ସର୍ବଦଳୀୟ ବୈଠକ

ସପ୍ତଦଶ ବିଧାନସଭାର ଅଧିବେଶନ ପୂର୍ବରୁ ଆସନ୍ତା ୨୧ ତାରିଖ ରବିବାର ଦିନ ସର୍ବଦଳୀୟ ବୈଠକ ଅନୁଷ୍ଠିତ ହେବ। ବାଚସ୍ପତି ସୁରମା ପାଢ଼ୀଙ୍କ ଅଧ୍ୟକ୍ଷତାରେ ପୂର୍ବାହ୍ଣ ୧୧ଟାରେ ବୈଠକ ବସିବ। ବଜେଟ୍ ଅଧିବେଶନକୁ ସୁଚାରୁରୂପେ ପରିଚାଳନା କରିବା ପାଇଁ ବାଚସ୍ପତି ସମସ୍ତଙ୍କ ସହଯୋଗ କାମନା କରିବେ ବୋଲି ଜଣାପଡିଛି । ବୈଠକ ପୂର୍ବରୁ ସରକାରୀ ଦଳ ମୁଖ୍ୟ ସଚେତକ ଏବଂ ଉପମୁଖ୍ୟ ସଚେତକ ନିଯୁକ୍ତ ହେବେ । ସେହିପରି ଆସନ୍ତା ୨୩ ତାରିଖରେ ଉପବାଚସ୍ପତି ପଦ ଲାଗି ନାମାଙ୍କନ ହେବ। ସେହିଦିନ ମଧ୍ୟାହ୍ଣ ୧୨ଟା ସୁଦ୍ଧା ନାମାଙ୍କନପତ୍ର ଦାଖଲ ହେବ ଏବଂ ୨୪ ତାରିଖରେ ଫଳାଫଳ ଘୋଷଣା କରାଯିବ।

ସୂଚନାଯୋଗ୍ୟ, ବିଧାନସଭାର ପ୍ରଥମ ଅଧିବେଶନ ଆସନ୍ତା ୨୨ ତାରିଖରୁ ଆରମ୍ଭ ହେବ। ଆସନ୍ତା ୨୫ ତାରିଖରେ ପୂର୍ଣ୍ଣାଙ୍ଗ ବଜେଟ୍ ଉପସ୍ଥାପନ ହେବ। ଏହା ପୂର୍ବରୁ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଗତକାଲି ଭୁବନେଶ୍ୱର ଲୋକସେବା ଭବନରେ ମନ୍ତ୍ରୀ ପରିଷଦର ବୈଠକ ଅନୁଷ୍ଠିତ ହୋଇଛି । ବୈଠକରେ ୨୦୨୪-୨୫ ଆର୍ଥିକ ବର୍ଷ ପାଇଁ ପ୍ରସ୍ତୁତ ଚିଠା ବଜେଟ୍ ଗୃହୀତ ହୋଇଥିଲା।

## ବିମାନ ସେବା ପ୍ରଭାବିତ

ମାଇକ୍ରୋସଫ୍ଟରେ ଅଚଳାବସ୍ଥା ପାଇଁ ସାରା ବିଶ୍ୱରେ ବିମାନ ଚଳାଚଳ ପ୍ରଭାବିତ ହୋଇଛି। ସେହିପରି ଭୁବନେଶ୍ୱରରେ ମଧ୍ୟ ବିମାନସେବା ଉପରେ

ଏହାର ପ୍ରଭାବ ଦେଖିବାକୁ ମିଳିଛି । ଏପରିକି ଭୁବନେଶ୍ୱରରୁ କିଛି ବିମାନ ବାତିଲ୍ ହୋଇଥିବା ଜଣାପଡିଛି ।

ଏ ସମ୍ପର୍କରେ ଭୁବନେଶ୍ୱର ବିମାନବନ୍ଦର ନିର୍ଦ୍ଦେଶକ ପ୍ରସନ୍ନ ପ୍ରଧାନ କହିଛନ୍ତି ମାନୁଆଲ ଭାବେ ଯାତ୍ରୀଙ୍କ ଚେକ୍ ଇନ୍ ହେଉଛି । ମାନୁଆଲି ବୋର୍ଡିଂ ପାସ୍ ଦିଆଯାଉଛି । ଯାହାଫଳରେ ବିମାନ ଛାଡ଼ିବାରେ ବିଳମ୍ବ ହେଉଛି । ସାଇବର ସିକ୍ୟୁରିଟି ପ୍ଲାଟଫର୍ମ କ୍ରାଉଡଷ୍ଟ୍ରାଇକରେ ସମସ୍ୟା ଯୋଗୁଁ ସେବା ପ୍ରଭାବିତ ହୋଇଛି ।

## ଯୁକ୍ତ ଦୁଇ ନାମଲେଖା

ରାଜ୍ୟରେ ଏକାଦଶ ଶ୍ରେଣୀରେ ନାମ ଲେଖା ପାଇଁ ଆସନ୍ତାକାଲି ପ୍ରଥମ ପର୍ଯ୍ୟାୟ ମେଧା ତାଲିକା ପ୍ରକାଶ ପାଇବ । ଛାତ୍ରଛାତ୍ରୀ ସାମ୍ସ୍ ପୋର୍ଟାଲ୍‌ରୁ ଏ ସମ୍ପର୍କରେ ଅଧିକ ତଥ୍ୟ ପାଇପାରିବେ ।

ସୂଚନା ଅନୁସାରେ, ଚଳିତ ଶିକ୍ଷା ବର୍ଷ ପାଇଁ ଉଚ୍ଚମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ଯୁକ୍ତ ଦୁଇ କଳା, ବିଜ୍ଞାନ, ବାଣିଜ୍ୟ, ଧନ୍ଦାମୂଳକ ଓ ଉପଶାସ୍ତ୍ରୀରେ ଏକାଦଶ ଶ୍ରେଣୀରେ ନାମଲେଖା ପାଇଁ ଆବେଦନ ପ୍ରକ୍ରିୟା ଶେଷ ହୋଇଛି ।

## କାର୍ଯ୍ୟକାରିଣୀ ବୈଠକ

ପୁରୀରେ ରାଜ୍ୟ ବିଜେପିର ଦୁଇଦିନିଆ କାର୍ଯ୍ୟକାରିଣୀ ବୈଠକ ଆଜିଠାରୁ ଆରମ୍ଭ ହୋଇଛି । ସଭାପତି ମନମୋହନ ସାମଲଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକକୁ ବିଜେପିର ରାଷ୍ଟ୍ରୀୟ ଅଧ୍ୟକ୍ଷ ଜେପି ନଡ୍ଡା ଉଦ୍‌ଘାଟନ

କରିଥିଲେ । ବୈଠକରେ ଶ୍ରୀ ନଡ୍ଡା ଦଳୀୟ କର୍ମୀମାନଙ୍କୁ ସଂଗଠନକୁ ମଜ୍‌ବୁତ୍ କରିବା ସହ ଲୋକଙ୍କ ସହ ଯୋଡି ହେବାକୁ ପରାମର୍ଶ ଦେଇଛନ୍ତି । ଏହା ସହ ସୁଶାସନ ଉପରେ ଧ୍ୟାନ କେନ୍ଦ୍ରୀତ କରିବାକୁ ଶ୍ରୀ ନଡ୍ଡା କହିଛନ୍ତି । ଏହା ସହ ନିର୍ବାଚନୀ ସଂକଳ୍ପ ପତ୍ରରେ ଦିଆଯାଇଥିବା ପ୍ରତିଶ୍ରୁତି ପାଳନ ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା । ଏହି ବୈଠକରେ ରାଜ୍ୟ ବିଜେପିର ଆଗାମୀ ୨୫ ବର୍ଷର ରୋଡ୍‌ମ୍ୟାପ୍ ପ୍ରସ୍ତୁତ ହୋଇଥିବା ଜଣାପଡିଛି । ଏହି ବୈଠକରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଜୁଏଲ୍ ଓରାମ୍, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସମେତ ଅନ୍ୟ ନେତୃବୃନ୍ଦ ଉପସ୍ଥିତ ଥିଲେ ।

## ଶୁଣାଣି ବନ୍ଦ

ରାଜ୍ୟରେ ଆସନ୍ତା ସୋମବାରଠାରୁ ସପ୍ତଦଶ ବିଧାନସଭାର ପ୍ରଥମ ଅଧିବେଶନ ଆରମ୍ଭ ହେଉଥିବାରୁ ଏହାକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ଶୁଣାଣି ବନ୍ଦ ରହିବ । ଏ ନେଇ ସାଧାରଣ ପ୍ରଶାସନ ଓ ସାଧାରଣ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ଆତ୍ମରକ୍ଷା ପ୍ରଶିକ୍ଷଣ ଶିବିର

ସମ୍ବଲପୁର ଜିଲ୍ଲାର ଚନ୍ଦ୍ରଶେଖର ବେହେରା ଜିଲ୍ଲା ବିଦ୍ୟାଳୟରେ ଛାତ୍ରୀମାନଙ୍କ ପାଇଁ ରାଣୀ ଲକ୍ଷ୍ମୀବାଇ ଆତ୍ମରକ୍ଷା ପ୍ରଶିକ୍ଷଣ ଶିବିର ଆରମ୍ଭ ହୋଇଛି । ଏହି କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରି ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଜୟଶ୍ରୀ ଦୋରା କହିଛନ୍ତି, ଏହି ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଛାତ୍ରୀମାନଙ୍କୁ ପାଠମନସ୍କ କରିବା ସହ ବିଦ୍ୟାଳୟରେ ଉପସ୍ଥାନ ବୃଦ୍ଧିରେ ସହାୟକ ହେବ । ସୂଚନା ଅନୁସାରେ ଜିଲ୍ଲାପରେ ୬୨୮ଟି ବିଦ୍ୟାଳୟରେ ଷଷ୍ଠରୁ ଦ୍ୱାଦଶ ଶ୍ରେଣୀରେ ଅଧ୍ୟୟନ ରତ

୯ ହଜାରରୁ ଊର୍ଦ୍ଧ୍ୱ ଛାତ୍ରୀମାନଙ୍କୁ ସମଗ୍ର ଶିକ୍ଷା ତରଫରୁ ଆତ୍ମରକ୍ଷା ପ୍ରଶିକ୍ଷଣ ଦିଆଯିବ। ମାସକୁ ୫ ଦିନ ହିସାବରେ ୩ ମାସରେ ସମୁଦାୟ ୧୫ ଦିନ ଏହି ପ୍ରଶିକ୍ଷଣର ବ୍ୟବସ୍ଥା କରାଯାଇଛି।

## ସାଧାରଣ ବୈଠକ

**ଢେଙ୍କାନାଳ** ଜିଲ୍ଲା କାମାକ୍ଷାନଗର ପଞ୍ଚାୟତ ସମିତିର ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଧାୟକ ଶତ୍ରୁଘ୍ନ ଜେନା ଓ ବିଭୂତି ଭୂଷଣ ପ୍ରଧାନଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଶିକ୍ଷା, ସ୍ୱାସ୍ଥ୍ୟ, କୃଷି, ମତ୍ସ୍ୟ ଓ ପଶୁପାଳନ, କ୍ଷୁଦ୍ର ଜଳସେଚନ ଆଦି ଉନ୍ନୟନ ଓ ବିକାଶମୂଳକ କାର୍ଯ୍ୟ ଉପରେ ଆଲୋଚନା କରାଯାଇଥିଲା। ସମସ୍ତ ସରକାରୀ ଯୋଜନା ଯେପରି ହିତାଧିକାରୀଙ୍କ ନିକଟରେ ପହଞ୍ଚିବ ସେଥିପାଇଁ ଗୁରୁତ୍ୱାରୋପ କରାଯାଇଥିଲା।

ସେହିପରି **ନୂଆପଡା**ରେ ଜିଲ୍ଲା ପରିଷଦ ବୈଠକ ଅନୁଷ୍ଠିତ ହୋଇଯାଇଛି। ବିଭିନ୍ନ ଉନ୍ନୟନ କାର୍ଯ୍ୟର ଅଗ୍ରଗତି ସମ୍ପର୍କରେ ଜିଲ୍ଲାପାଳ, ବିଧାୟକ ପ୍ରମୁଖ ଯୋଗଦେଇ ଆଲୋଚନା କରିଛନ୍ତି। ଗ୍ରାମାଞ୍ଚଳରେ ପାନୀୟ ଜଳ ସମସ୍ୟା ଦୂରୀକରଣ ପାଇଁ ବୈଠକରେ ନିଷ୍ପତ୍ତି ହୋଇଥିଲା।

## ବନ ମହୋତ୍ସବ

**ବୌଦ୍ଧ** ଜିଲ୍ଲା କୁଲୁତାଜୋର୍ ପଂଚାୟତର ଆଦିବାସୀ ଉଚ୍ଚ ବିଦ୍ୟାଳୟରେ ବନମହୋତ୍ସବ ସପ୍ତାହ ପାଳିତ ହୋଇଛି। କନ୍ଧମାଳ ବିଧାୟକ କହ୍ନେଇ ଚରଣ ଡାଙ୍ଗ ମୁଖ୍ୟଅତିଥି ଭାବେ ଯୋଗଦେବା ସହ ପରିବେଶ ସୁରକ୍ଷା ପାଇଁ ନୂତନ ଜଙ୍ଗଲ ସୃଷ୍ଟିର ଆବଶ୍ୟକତା ଉପରେ ଆଲୋଚନା କରିଥିଲେ।

## କର୍ମଶାଳା

**ଗଞ୍ଜାମ** ଜିଲ୍ଲା ଛତ୍ରପୁର ସ୍ଥିତ ଯୌଗଡଠାରେ ମୋ ଜଙ୍ଗଲ ଜମି ଯୋଜନା ସମ୍ବନ୍ଧୀୟ ଦୁଇଦିନିଆ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି। ଏହି ଯୋଜନା ମାଧ୍ୟମରେ ଜଙ୍ଗଲ ଜମି ଉପରେ ଜନଜାତିଙ୍କର ବ୍ୟକ୍ତିଗତ ଓ ଗୋଷ୍ଠିଗତ ଅଧିକାର ସୁନିଶ୍ଚିତ ହୋଇପାରିବ ବୋଲି ବିଭାଗୀୟ ଅଧିକାରୀମାନେ ଯୋଗଦେଇ ମତ ବ୍ୟକ୍ତ କରିଛନ୍ତି।

## ବୈଠକ

**ଦେବଗଡ଼** ଜିଲ୍ଲା ପରିଷଦର ସମ୍ମିଳନୀ କକ୍ଷରେ ଆଜି ଜିଲ୍ଲା ପରିଷଦର ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ଜିଲ୍ଲାର ବିକାଶରେ ପ୍ରଶାସନ ଓ ଜନପ୍ରତିନିଧିଙ୍କ ପରସ୍ପର ସହଯୋଗ ଉପରେ ଗୁରୁତ୍ୱ ପ୍ରଦାନ କରାଯାଇଥିଲା।

## ବିଜ୍ଞପ୍ତି

ରାଜ୍ୟ ସରକାର ବରିଷ୍ଠ ଆଇନ୍‌ଜୀବୀ ପୀତାମ୍ବର ଆଚାର୍ଯ୍ୟଙ୍କୁ ଆଡଭୋକେଟ୍ ଜେନେରାଲ୍ ଭାବେ ନିଯୁକ୍ତି ଦେଇଛନ୍ତି। ଏ ନେଇ ଆଇନ୍ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି।

## ବାତ୍ୟା ବୈଠକ

ଗଂଜାମ ଜିଲ୍ଲାର ଓସ୍ୱାନ୍ ହଲ୍‌ଠାରେ ସମ୍ଭାବ୍ୟ ବନ୍ୟାର ମୁକାବିଲା ନିମନ୍ତେ ଆଜି ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡାଙ୍କ ଅଧ୍ୟକ୍ଷତାରେ ଆଭାସୀ ମାଧ୍ୟମରେ ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ବର୍ଷାଜନିତ କ୍ଷୟକ୍ଷତି ରୋକିବା ପାଇଁ ପଦକ୍ଷେପ ଗ୍ରହଣ କରିବା ତଥା ବହୁମୁଖୀ ବାତ୍ୟା ଓ ବନ୍ୟା ଆଶ୍ରୟ ସ୍ଥଳଗୁଡ଼ିକୁ ପ୍ରସ୍ତୁତ ରଖିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଥିଲେ।

## ରସଗୋଲା ଦିବସ

ରସଗୋଲାର ପରମ୍ପରା ବହୁ ପ୍ରାଚୀନ କାଳରୁ ଶ୍ରୀଜଗନ୍ନାଥଙ୍କ ସଂସ୍କୃତି ଏବଂ ରଥଯାତ୍ରା ସହ ଜଡିତ ହୋଇଥିବାରୁ ପ୍ରତିବର୍ଷ ଆଜିର ଦିନକୁ ରସଗୋଲା ଦିବସ ଭାବେ ପାଳନ କରାଯାଉଛି ।

ସୂଚନାଯୋଗ୍ୟ, ୨୦୧୫ ମସିହା ଜୁଲାଇ ମାସ ୩୦ ତାରିଖରୁ ଏହା ପ୍ରଥମେ ଆରମ୍ଭ ହୋଇଥିଲା । ୨୦୧୯ ମସିହା ଜୁଲାଇ ୨୯ ତାରିଖରେ ଓଡ଼ିଶାର ରସଗୋଲାକୁ ଜିଆଇ ଟ୍ୟାଗ୍ ମିଳିଥିଲା ।

ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ନୀଳାଦ୍ରି ବିଜେ ଓ ରସଗୋଲା ଦିବସ ଅବସରରେ ସାମାଜିକ ଗଣମାଧ୍ୟମ ଜରିଆରେ  ରାଜ୍ୟବାସୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି ।

ସେହିପରି କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ମଧ୍ୟ ସାମାଜିକ ଗଣମାଧ୍ୟମରେ ନୀଳାଦ୍ରି ବିଜେ ଏବଂ ରସଗୋଲା ଦିବସ  ଉପଲକ୍ଷେ ଶୁଭେଚ୍ଛା ଜଣାଇଛନ୍ତି ।

## ବର୍ଷା ସତର୍କତା

ଲଘୁଚାପର ପ୍ରଭାବରେ ନବରଙ୍ଗପୁର ଜିଲ୍ଲାରେ ବର୍ଷା ଜାରି ରହିଥିବାରୁ ଜିଲ୍ଲା ପ୍ରଶାସନ ପକ୍ଷରୁ ସତର୍କତା ମୂଳକ ପଦକ୍ଷେପ ଗ୍ରହଣ କରାଯାଇଛି । ସମ୍ଭାବ୍ୟ ବନ୍ୟା ପରିସ୍ଥିତିକୁ ଦୃଷ୍ଟିରେ ରଖି ଜିଲ୍ଲାପାଳ ଡକ୍ଟର କମଳ ଲୋଚନ ମିଶ୍ର ଜିଲ୍ଲାର ସମସ୍ତ ୧୦ଟି ବ୍ଲକ ଓ ୨ଟି ପୌରପାଳିକାରେ ପ୍ରସ୍ତୁତି ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିଭଳି ଯୁଦ୍ଧକାଳୀନ ଭିତ୍ତିରେ ନବରଙ୍ଗପୁର ଓ ଉମରକୋଟ ପୌରାଞ୍ଚଳରେ ଥିବା ନାଳ ନର୍ଦ୍ଦମାକୁ ପରିଷ୍କାର ରଖିବାକୁ ପରାମର୍ଶ ଦିଆଯାଇଛି ।

# ପାଣିପାଗ

ଉତ୍ତର ବଙ୍ଗୋପସାଗରେ ସୃଷ୍ଟ ସୁଦୃଶ୍ୟ ଲଘୁଚାପ ଆଜି ଅବପାତରେ ପରିଣତ ହୋଇଛି । ଅବପାତ ଆସନ୍ତାକାଲି ସୁଦ୍ଧା ପୁରୀ ଦେଇ ଓଡ଼ିଶା ଉପକୂଳ ଅତିକ୍ରମ କରିବାର ସମ୍ଭାବନା ରହିଛି । ଏହା ବର୍ତ୍ତମାନ ପୁରୀଠାରୁ ୭୦ କିଲୋମିଟର ଦୂରରେ ରହିଛି । ଏହାର ପ୍ରଭାବରେ ରାଜ୍ୟରେ ଆସନ୍ତା ୨୩ ତାରିଖ ପର୍ଯ୍ୟନ୍ତ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ କୋରାପୁଟ, ମାଲକାନଗିରି, କଳାହାଣ୍ଡି ଓ ନବରଙ୍ଗପୁର ଜିଲ୍ଲାର କେତେକ ସ୍ଥାନରେ ପ୍ରବଳରୁ ଅତିପ୍ରବଳ ବର୍ଷା ହେବାର ସମ୍ଭାବନା ଥିବାରୁ ଏହି ସବୁ ଜିଲ୍ଲାଗୁଡ଼ିକ ପାଇଁ ରେଡ୍ ୱାର୍ଣ୍ଣିଂ ଜାରି କରାଯାଇଛି । ସେହିଭଳି କନ୍ଧମାଳ, ବୌଦ୍ଧ, ବଲାଙ୍ଗିର, ନୂଆପଡା, ରାୟଗଡ଼ା, ଗଞ୍ଜାମ ଓ ଗଜପତି ଜିଲ୍ଲାରେ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି ।

ସମ୍ଭାବ୍ୟ ସ୍ଥିତିକୁ ଦୃଷ୍ଟିରେ ରଖି ପ୍ରଭାବିତ ଆଶଙ୍କା ଥିବା ଜିଲ୍ଲାର ଜିଲ୍ଲାପାଳମାନଙ୍କୁ ସତର୍କ ରହିବା ପାଇଁ ସ୍ୱତନ୍ତ୍ର ରିଲିଫ କମିଶନର ନିର୍ଦ୍ଦେଶ ଦେଇଛନ୍ତି ।

***********************************